ସୂର୍ଯ୍ୟପ୍ରଭା
SURYAPRAVA
Suryaprava

# ସାହିତ୍ୟିକ ଗାୟତ୍ରୀବାଳା ପଣ୍ଡାଙ୍କୁ ସମ୍ବର୍ଦ୍ଧିତ କଲେ ମୁଖ୍ୟମନ୍ତ୍ରୀ



।।ପ୍ରଭାନ୍ୟୁଜ୍।।
ଭୁବନେଶ୍ୱର,୨୪।୧୨

କେନ୍ଦ୍ର ସାହିତ୍ୟ ଏକାଡେମୀ ପୁରସ୍କାର ବିଜେତା ତଥା ବିଶିଷ୍ଟ କବି ଡ. ଗାୟତ୍ରୀବାଳା ପଣ୍ଡାଙ୍କୁ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଅଭିନନ୍ଦନ ଜଣାଇବା ସହ ସମ୍ମାନିତ କରିଛନ୍ତି । ନବୀନ ନିବାସଠାରେ ମୁଖ୍ୟମନ୍ତ୍ରୀ ଡ. ଗାୟତ୍ରୀବାଳାଙ୍କୁ ସମ୍ମାନିତ କରିଛନ୍ତି । ମୁଖ୍ୟମନ୍ତ୍ରୀ ନିଜେ ଜଣେ ଜଣାଶୁଣା ଲେଖକ ହୋଇଥିବାବେଳେ ଓଡ଼ିଶା ପାଇଁ ଗାୟତ୍ରୀ ସମ୍ମାନ ଗର୍ବ ଓ ଗୌରବ ଆଣିଛନ୍ତି । ଏହା ତାଙ୍କ କ୍ୟାରିଅରରେ ■ ୭ ପୃଷ୍ଠାରେ...

## ସାହିତ୍ୟିକ ଗାୟତ୍ରୀବାଳା ପଣ୍ଡାଙ୍କୁ...

ଏକ ମାଇଲଖୁଣ୍ଟ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି । ଏହି ଅବସରରେ ଗାୟତ୍ରୀବାଳାଙ୍କ ସ୍ୱାମୀ ତଥା ବିଜେଡି ସାଂସଦ ମାନସ ମଙ୍ଗରାଜ ଓ ତାଙ୍କ ପୁଅ ମନୀତ ମଙ୍ଗରାଜ ଉପସ୍ଥିତ ଥିଲେ । ପ୍ରକାଶ ଥାଉକି ଗୁରୁବାର କେନ୍ଦ୍ର ସାହିତ୍ୟ ଏକାଡେମୀ ପକ୍ଷରୁ ଗାୟତ୍ରୀବାଳାଙ୍କୁ କେନ୍ଦ୍ର ସାହିତ୍ୟ ଏକାଡେମୀ ପୁରସ୍କାର ପ୍ରଦାନ ନେଇ ଘୋଷଣା କରାଯାଇଛି । କବିତା ସଂକଳନ ଦୟାନଦୀ ପାଇଁ ଏହି ପୁରସ୍କାର ପାଇଛନ୍ତି ଡ. ଗାୟତ୍ରୀବାଳା ପଣ୍ଡା ।